# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**28th August – 2025**

**********************************

## ମୁଖ୍ୟ ସମ୍ବାଦ

- ପଶ୍ଚିମ ଓଡ଼ିଶାର କୃଷିଭିତ୍ତିକ ଗଣପର୍ବ ନୂଆଁଖାଇ ଆନନ୍ଦ ଉଲ୍ଲାସର ସହପାଳିତ ।

— ନବାନ୍ନ ଭକ୍ଷଣ ପରେ ଘରେ ଘରେ ଚାଲିଛି ଜୁହାର ଭେଟ୍‌ଘାଟ୍ ।

- ବିଶ୍ୱର ସର୍ବବୃହତ୍ ଆର୍ଥିକ ଅନ୍ତର୍ଭୁକ୍ତୀକରଣ ପଦକ୍ଷେପ ପ୍ରଧାନମନ୍ତ୍ରୀ ଜନଧନ ଯୋଜନାକୁ ଆଜି ପୂରିଲା ୧୧ ବର୍ଷ ।

- ଇ-ବସ୍ ଚଳାଚଳ କ୍ଷେତ୍ରରେ ଓଡ଼ିଶା ଦେଶରେ ପଞ୍ଚମ; ଆଗାମୀ ଦିନରେ ଆଉ ୫ଟି ଜିଲ୍ଲାରେ 'ଆମ ବସ୍' ଚଳାଚଳପାଇଁ ଲକ୍ଷ୍ୟ ରଖିଛନ୍ତି ସରକାର ।

ଏବଂ

- ବଙ୍ଗୋପସାଗରରେ ସୃଷ୍ଟ ଲଘୁଚାପ ପ୍ରଭାବରେ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବଜ୍ରପାତ ସହ ବର୍ଷା ହେବା ନେଇ ପ୍ରାୟ ସମସ୍ତ ଜିଲ୍ଲାକୁ ସତର୍କ ସୂଚନା ।

*Desk, Sambalpur/R*

# ନୂଆଁଖାଇ

ଗଣପର୍ବ ନୂଆଁଖାଇ ପାଇଁ ଆଜି ପଶ୍ଚିମ ଓଡ଼ିଶା ଉତ୍ସବମୁଖର ହୋଇଉଠିଛି । ଭାଦ୍ରବ ଶୁକ୍ଳପକ୍ଷ ପଞ୍ଚମୀ ତିଥିରେ ସକାଳ ସାଢ଼େ ୧୦ଟାରୁ ୧୦ଟା ୫୫ ମିନିଟ୍ ସମୟ ମଧ୍ୟରେ ସମ୍ବଲପୁରର ଇଷ୍ଟଦେବୀ ମା' ସମଲେଶ୍ୱରୀଙ୍କ ନିକଟରେ ଆଜି ନବାନ୍ନ ଲାଗି ହୋଇଛି। ଇଷ୍ଟଦେବୀଙ୍କ ପାଖରେ ପ୍ରଥମ ଅମଳ ଖାଦ୍ୟଶସ୍ୟ ଲାଗି ହେବା ପରେ ପରିବାରର ସଦସ୍ୟମାନେ ନବାନ୍ନ ଗ୍ରହଣ କରିଛନ୍ତି। ଶୁଣନ୍ତୁ ଏ ସମ୍ପର୍କରେ ଏକ ସ୍ୱତନ୍ତ୍ର ଉପସ୍ଥାପନା :

ନୂଆଁଖାଇ ପର୍ବ ପଶ୍ଚିମ ଓଡ଼ିଶାର ଲୋକମାନଙ୍କର ଏକ ସାଂସ୍କୃତିକ ଜୀବନଶୈଳୀ । ପଶ୍ଚିମ ଓଡ଼ିଶାର କଳାସଂସ୍କୃତି, ଭାଷା, ପରମ୍ପରା, ଚାଲିଚଳଣ ସହିତ ନୂଆଁଖାଇ ପର୍ବ ଜଡ଼ିତ ।

ପଶ୍ଚିମ ଓଡ଼ିଶାର ବିଭିନ୍ନ ଶକ୍ତିପୀଠ କଳାହାଣ୍ଡିର ମା' ମାଣିକେଶ୍ୱର, ଜୁନାଗଡ଼ର ମା' ଲଙ୍କେଶ୍ୱରୀ, ବଲାଙ୍ଗିର ଓ ପାଟଣାଗଡ଼ର ମା' ପାଟଣେଶ୍ୱରୀ ଏବଂ ସୁବର୍ଣ୍ଣପୁରର ମା' ସୁରେଶ୍ୱରୀଙ୍କ ନିକଟରେ ନବାନ୍ନ ଲାଗି ହୋଇଛି। ନୂତନ ବସ୍ତ୍ର ପରିଧାନ କରି ଘରର ମୁରବୀଙ୍କଠାରୁ ନବାନ୍ନ ଖାଇ ଆଶୀର୍ବାଦ ଗ୍ରହଣ କରିଛନ୍ତି । ସନ୍ଧ୍ୟା ସମୟରେ ସାଂସ୍କୃତିକ କାର୍ଯ୍ୟକ୍ରମର ଆୟୋଜନ କରାଯାଇଛି । ଘରେ ଜୁହାର ଭେଟ୍‌ଘାଟ୍ ସହ ଡାଲ୍‌ଖାଇ, ରସରକେଲିର ତାଳେ ତାଳେ ପଶ୍ଚିମ ଓଡ଼ିଶାବାସୀ ନୂଆଁଖାଇକୁ ମନଭରି ଉପଭୋଗ କରୁଛନ୍ତି ।

କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ, ବିଧାୟକ ଜୟନାରାୟଣ ମିଶ୍ର ସମ୍ବଲପୁରର ମା’ ସମଲେଶ୍ୱରୀଙ୍କ ମନ୍ଦିର ପରିସରରେ ନବାନ୍ନ ଗ୍ରହଣ କରିଛନ୍ତି । ନୂଆଁଖାଇ ସମ୍ପର୍କରେ ସମ୍ବଲପୁର ସମ୍ବାଦଦାତା ଗୁଣମଣି ବିଶ୍ୱାଳଙ୍କ ଏକ ରିପୋର୍ଟ :...........

***Voice*** :.............

ନୂଆପଡ଼ା ଜିଲ୍ଲାର ପୁରପଲ୍ଲୀରେ ଆଜି ନୂଆଁଖାଇ ହର୍ଷ ଉଲ୍ଲାସ ମଧ୍ୟରେ ପାଳିତ ହୋଇଯାଇଛି । ଖଡ଼ିଆଳ ବ୍ଲକ୍ ନେହେନା ଗ୍ରାମର ଖମାରିପଡ଼ା ଦଣ୍ଡସେନା ପରିବାରର ୧ ହଜାରରୁ ଊର୍ଦ୍ଧ୍ୱ ସଦସ୍ୟ ନୂଆଖାଇ ପର୍ବ ପାଳନ କରିଛନ୍ତି ।

ଆକାଶବାଣୀ ସମ୍ବାଦ ବିଭାଗ ପାଇଁ ମୁଁ ସ୍ମୃତିରେଖା ତାରେଣିଆ ।

***HS***

## ରାଜଭବନ - ନୂଆଖାଇ

ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମ୍ପାଟି ଆଜି ଭୁବନେଶ୍ୱରସ୍ଥିତ ରାଜଭବନରେ କୃଷିଭିତ୍ତିକ ଗଣପର୍ବ ନୂଆଖାଇ ପାଳନ କରିଛନ୍ତି । ମା’ ସମଲେଶ୍ୱରୀଙ୍କ ପୂଜାର୍ଚ୍ଚନା ପରେ ନୂଆଧାନ ଓ ନବାନ୍ନ ଅର୍ପଣ କରିବା ସହିତ ରାଜ୍ୟପାଳ ରାଜ୍ୟବାସୀଙ୍କ ଶୁଭ ମନାସୀ ଥିଲେ । ଏହି ଅବସରରେ ରାଜ୍ୟପାଳ କହିଛନ୍ତି, ନୂଆଁଖାଇ ପର୍ବ ଧରିତ୍ରୀମାତା ଓ କୃଷକମାନଙ୍କ ପ୍ରତି କୃତଜ୍ଞତା ଜଣାଇବାର ଅବସର । ଏହି ପର୍ବ ପାରିବାରିକ ବନ୍ଧନକୁ ମଜବୁତ

କରିବା ସହିତ ପରସ୍ପର ମଧ୍ୟରେ ସ୍ନେହ ଓ ସଦ୍‌ଭାବ ପ୍ରତିଷ୍ଠା କରିଥାଏ । କୃଷିକ୍ଷେତ୍ରରେ ଓଡ଼ିଶାକୁ ଏକ ଅଗ୍ରଣୀ ଓ ପ୍ରଗତିଶୀଳ ରାଜ୍ୟରେ ପରିଣତ କରିବାକୁ ରାଜ୍ୟପାଳ ଆହ୍ୱାନ ଜଣାଇଛନ୍ତି ।

***Desk***

# ପି.ଏମ୍. ଜନଧନ ଯୋଜନା

ପ୍ରଧାନମନ୍ତ୍ରୀ ଜନଧନ ଯୋଜନାକୁ ଆଜି ୧୧ବର୍ଷ ପୂରଣ ହୋଇଛି । ଏହି ଯୋଜନା ବିଶ୍ୱର ସର୍ବବୃହତ ଆର୍ଥିକ ଅନ୍ତର୍ଭୁକ୍ତୀରକଣ ପଦକ୍ଷେପ ମଧ୍ୟରୁ ଅନ୍ୟତମ। ଗରିବ ଲୋକମାନଙ୍କୁ ଆର୍ଥିକ ଅନ୍ତର୍ଭୁକ୍ତୀକରଣରେ ଲିଙ୍ଗଗତ ସମାନତାକୁ ପ୍ରୋତ୍ସାହିତ କରିବା ଦିଗରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏହି ଯୋଜନା ଆରମ୍ଭ କରିଥିଲେ। ଏହି ଯୋଜନା ଆର୍ଥିକ ଅନ୍ତର୍ଭୁକ୍ତୀକରଣ ଉପରେ ଏକ ଜାତୀୟ ମିଶନ ଯାହା, ଦେଶର ସମସ୍ତ ପରିବାରକୁ ବ୍ୟାଙ୍କିଂସେବା ପ୍ରଦାନ କରିବା ପାଇଁ ଏକ ସମନ୍ୱିତ ଆଭିମୁଖ୍ୟ ରଖିଛି। ପ୍ରଧାନମନ୍ତ୍ରୀ ଜନଧନ ଯୋଜନା ଅଧୀନରେ ଟଙ୍କାଉଠାଣ ପାଇଁ ଡେବିଟ୍ କାର୍ଡ ସହିତ ୨ଲକ୍ଷ ଟଙ୍କା ପର୍ଯ୍ୟନ୍ତ ମାଗଣା ଦୁର୍ଘଟଣା ବୀମା, କ୍ଷୁଦ୍ର ଋଣ, ଓଭରଡ୍ରାଫ୍ଟ ପେନ୍‌ସନ ସୁବିଧା ମିଳିପାରୁଛି । ସରକାରୀ ତଥ୍ୟ ଅନୁସାରେ, ଚଳିତମାସ ମଧ୍ୟଭାଗ ସୁଦ୍ଧା ଏହି ଯୋଜନାରେ ୫୬କୋଟି ୧୬ଲକ୍ଷରୁ ଅଧିକ ବ୍ୟାଙ୍କ ଜମାଖାତା ଖୋଲାଯାଇଛି । ଏହି ଅବଧି ମଧ୍ୟରେ ହିତାଧିକାରୀମାନେ ୨ଲକ୍ଷ

୬୭ହଜାର କୋଟି ଟଙ୍କା ବ୍ୟାଙ୍କରେ ଜମା ରଖିଛନ୍ତି । ଏହି ଯୋଜନା ଉଭୟ ଗ୍ରାମାଞ୍ଚଳ ଓ ସହରାଞ୍ଚଳ କ୍ଷେତ୍ରରେ ଜନସାଧାରଣଙ୍କୁ ଆର୍ଥିକ ସହାୟତା ପ୍ରଦାନ କରି ଦଶନ୍ଧିର ଯାତ୍ରା ଅତିକ୍ରମ କରିଛି ।

***BBSR/R***

## ଇ-ବସ୍ ସେବା

ଇ-ବସ୍ ଚଳାଚଳ କ୍ଷେତ୍ରରେ ଓଡ଼ିଶା ଦେଶରେ ପଞ୍ଚମ ସ୍ଥାନ ହାସଲ କରି ସଫଳତାର ସହ ପରିବହନ କ୍ଷେତ୍ରରେ ମାଇଲଖୁଣ୍ଟ ସ୍ଥାପନ କରିଛି । ଗୃହ ନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ ଡକ୍ଟର କୃଷ୍ଣଚନ୍ଦ୍ର ମହାପାତ୍ର କହିଛନ୍ତି, ଇ-ପରିବହନରେ ଓଡ଼ିଶାର ଦ୍ରୁତ ଅଗ୍ରଗତି ଉଭୟ ପରିବେଶ ଏବଂ ଲୋକଙ୍କ ପ୍ରତି ରାଜ୍ୟ ସରକାରଙ୍କ ପ୍ରତିବଦ୍ଧତାକୁ ପ୍ରତିଫଳିତ କରୁଛି । ସମଗ୍ର ଦେଶରେ ବର୍ତ୍ତମାନ ୧୪ ହଜାର ୩୨୯ଟି ଇ-ବସ୍ ଚଳାଚଳ କରୁଛି । ରାଜ୍ୟରେ ବର୍ତ୍ତମାନ ୪୫୦ଟି ଇ-ବସ୍ ଚଳାଚଳ କରୁଥିବାବେଳେ ଆଗାମୀ ଦିନରେ ଏହି ସଂଖ୍ୟା ୧ ହଜାର ଅତିକ୍ରମ କରିବାକୁ ଯୋଜନା ରହିଛି । କେନ୍ଦ୍ର ସରକାର ପି.ଏମ୍. ଇ-ବସ୍‌ସେବା ଏବଂ ପି.ଏମ୍. ଇ-ଡ୍ରାଇଭ୍ ଭଳି ଯୋଜନା ଅଧୀନରେ ରାଜ୍ୟଗୁଡ଼ିକୁ ଆର୍ଥିକ ସହାୟତା ପ୍ରଦାନ କରୁଛନ୍ତି । ବର୍ତ୍ତମାନ ରାଜ୍ୟର ଭୁବନେଶ୍ୱର, କଟକ, ପୁରୀରେ ଇ-ବସ୍‌ସେବା ଉପଲବ୍ଧ ହେଉଛି । ଆଗାମୀ ଦିନରେ କ୍ଲଟ୍ ସମ୍ବଲପୁର, ଝାରସୁଗୁଡ଼ା, କେନ୍ଦୁଝର, ବ୍ରହ୍ମପୁର ଏବଂ ଅନୁଗୁଳରେ ଆମ ବସ୍‌ସେବା ଚଳାଚଳ ପାଇଁ ପ୍ରସ୍ତୁତି କରୁଛି ।

*Desk*

## ଅଧ୍ୟକ୍ଷ ଜାତୀୟ ସମ୍ମିଳନୀ

ଭୁବନେଶ୍ୱରଠାରେ ଆସନ୍ତାକାଲିଠାରୁ ଦୁଇଦିନିଆ ଅନୁସୂଚିତ ଜାତି ଏବଂ ଜନଜାତି ସଂସଦୀୟ କମିଟିର ଜାତୀୟ ସମ୍ମିଳନୀ ଆରମ୍ଭ ହେବ। ପ୍ରଥମଥର ପାଇଁ ଏହି ସମ୍ମିଳନୀ ଦିଲ୍ଲୀ ବାହାରେ ଆୟୋଜିତ ହେବାକୁ ଯାଉଛି। ଲୋକସଭା ବାଚସ୍ପତି ଓମ୍ ବିର୍ଲା ସମ୍ମିଳନୀକୁ ଉଦ୍‌ଘାଟନ କରିବାର କାର୍ଯ୍ୟସୂଚୀ ରହିଛି। ଶ୍ରୀ ବିର୍ଲା ଏହି ଅବସରରେ ଏକ ପ୍ରଦର୍ଶନୀକୁ ଉଦ୍‌ଘାଟନ କରିବା ସହ ସ୍ମରଣିକାକୁ ମଧ୍ୟ ଉନ୍ମୋଚନ କରିବେ।

ସମ୍ମିଳନୀରେ ସଂସଦ ଏବଂ ରାଜ୍ୟ ତଥା କେନ୍ଦ୍ରଶାସିତ ଅଂଚଳର ବିଧାନସଭା ଅନୁସୂଚିତ ଜାତି ଓ ଜନଜାତି କଲ୍ୟାଣ ସମିତିର ଅଧ୍ୟକ୍ଷ ଏବଂ ସଦସ୍ୟଙ୍କ ସମେତ ୧୨୦ରୁ ଅଧିକ ପ୍ରତିନିଧି ଅଂଶଗ୍ରହଣ କରିବେ। 'ଅନୁସୂଚିତ ଜାତି ଏବଂ ଜନଜାତିଙ୍କ କଲ୍ୟାଣ, ବିକାଶ ଓ ସଶକ୍ତୀକରଣରେ ସଂସଦୀୟ ଏବଂ ବିଧାନସଭା ସମିତିଗୁଡ଼ିକର ଭୂମିକା' ପ୍ରସଙ୍ଗ ଆଧାରରେ ଏହି ସମ୍ମିଳନୀ ଅନୁଷ୍ଠିତ ହେବ।

*Desk*

## ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତା ରବିବାର ପୂର୍ବାହ୍ନ ୧୧ଟା ସମୟରେ ଆକାଶବାଣୀର 'ମନ୍ କୀ ବାତ୍' କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ

ଭାବ ବିନିମୟ କରିବେ। ଏହା ପ୍ରଧାନମନ୍ତ୍ରୀଙ୍କ 'ମନ୍ କୀ ବାତ୍' କାର୍ଯ୍ୟକ୍ରମର ୧୨୫ତମ ସଂସ୍କରଣ। 'ମନ୍ କୀ ବାତ୍' କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ।

ଆକାଶବାଣୀ ସମ୍ବାଦ, ଡି.ଡି. ନ୍ୟୁଜ୍, ପି.ଏମ୍.ଓ. ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ୟୁଟ୍ୟୁବ୍ ଚ୍ୟାନେଲ୍‌ରେ ମନ୍ କୀ ବାତ୍ କାର୍ଯ୍ୟକ୍ରମର ଲାଇଭ୍ ଷ୍ଟ୍ରିମିଙ୍ଗ୍ ହେବ। ପ୍ରଧାନମନ୍ତ୍ରୀଙ୍କର ସମ୍ବୋଧନ ପରେ ଆଞ୍ଚଳିକ ଭାଷାରେ ମନ୍ କୀ ବାତ୍ ପ୍ରସାରଣ କରାଯିବ। ଆଞ୍ଚଳିକ ଭାଷାରେ ଏହାର ଭାଷାନ୍ତର ପୁଣିଥରେ ରାତି ୮ଟାରେ ପ୍ରସାରଣ କରାଯିବ।

***Desk***

## ଦୁର୍ଘଟଣା - ମୁଖ୍ୟମନ୍ତ୍ରୀ ସହାୟତା

ପୁରୀ ଜିଲ୍ଲା ରେଢାଲୋ ଅଞ୍ଚଳର ବିଜୟ ନାୟକଙ୍କ ଏକ ଦୁଃଖଦ ଘଟଣାରେ ମୃତ୍ୟୁ ହୋଇଛି । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଘଟଣାରେ ଦୁଃଖ ପ୍ରକାଶ କରିବା ସହ ମୃତକଙ୍କ ନିକଟତମ ଆତ୍ମୀୟଙ୍କ ପାଇଁ ରିଲିଫ୍ ପାଣ୍ଠିରୁ ୪ ଲକ୍ଷ ଟଙ୍କାର ଅନୁକମ୍ପାମୂଳକ ସହାୟତା ରାଶି ଘୋଷଣା କରିଛନ୍ତି ।

*Sambalpur/R*

# ଥଇଥାନ କେନ୍ଦ୍ର

କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ନୂଆଁଖାଇ ଅବସରରେ ସମ୍ବଲପୁର ବାଲିଆବନ୍ଧାଠାରେ ଅତ୍ୟାଧୁନିକ ଥଇଥାନ କେନ୍ଦ୍ରର ଉଦ୍‌ଘାଟନ କରିଛନ୍ତି । କାର୍ଯ୍ୟକ୍ରମରେ ଶ୍ରୀ ପ୍ରଧାନ ଦିବ୍ୟାଙ୍ଗମାନଙ୍କୁ କିଟ୍ ବଣ୍ଟନ କରିଥିବା ଆମ ସମ୍ବାଦଦାତା ଜଣାଇଛନ୍ତି । ଶ୍ରୀ ପ୍ରଧାନଙ୍କ ସହ ପଞ୍ଚାୟତିରାଜ ମନ୍ତ୍ରୀ ରବିନାରାୟଣ ନାଏକ, ବିଧାୟକ ଜୟନାରାୟଣ ମିଶ୍ର ଓ ଜିଲ୍ଲାର ବହୁ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ ।

*Desk*

# ନ୍ୟୁରୋମଡ୍ୟୁଲେସନ ସେବାକେନ୍ଦ୍ର

ଭୁବନେଶ୍ୱର ଏମ୍‌ସରେ ମାନସିକ ରୋଗ ବିଭାଗ ପକ୍ଷରୁ ଏକ ଅତ୍ୟାଧୁନିକ ନ୍ୟୁରୋମଡ୍ୟୁଲେସନ ସେବା କେନ୍ଦ୍ର ଆରମ୍ଭ କରାଯାଇଛି । ଔଷଧ ପ୍ରତିରୋଧୀ ଓ ଚିକିତ୍ସା କରିବାକୁ କଷ୍ଟକର ମାନସିକ ରୋଗରେ ପୀଡ଼ିତ ରୋଗୀଙ୍କପାଇଁ ଏହା ବେଶ୍ ଫଳପ୍ରଦ ହେବ । ଭୁବନେଶ୍ୱର ଏମ୍‌ସର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଡାକ୍ତର ଆଶୁତୋଷ ବିଶ୍ୱାଳ ଏହାକୁ ଉଦ୍‌ଘାଟନ କରି ଓଡ଼ିଶା ଏବଂ ପଡ଼ୋଶୀ ରାଜ୍ୟର ଲୋକଙ୍କପାଇଁ ସର୍ବଶେଷ ଓ ପ୍ରଭାବଶାଳୀ

ଚିକିତ୍ସା ପଦ୍ଧତି ବୋଲି କହିଛନ୍ତି । ଏହି କେନ୍ଦ୍ର ମାନସିକ ବିକୃତି, ମାଦକ ଦ୍ରବ୍ୟ ସେବନଜନିତ ରୋଗ ଏବଂ ନ୍ୟୁରୋସାଇକିଆଟ୍ରିକ୍ ଅବସ୍ଥାପାଇଁ ବିଶେଷ ଚିକିତ୍ସା ପ୍ରଦାନ କରିବ ।

***Desk***

# ପାଣିପାଗ

ବଙ୍ଗୋପସାଗରରେ ସୃଷ୍ଟ ଲଘୁଚାପ ଦକ୍ଷିଣ-ପଶ୍ଚିମ ଦିଗରେ ଗତି କରୁଛି । ଏହାର ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗି ରହିଛି । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବଜ୍ରପାତ ସହ ପ୍ରବଳ ବର୍ଷା ନେଇ ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ପ୍ରାୟ ସମସ୍ତ ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି। ଗତ ୨୪ ଘଣ୍ଟା ମଧ୍ୟରେ କଟକ ଜିଲ୍ଲାର ବାଙ୍କିଠାରେ ସର୍ବାଧିକ ୭୫ ମିଲିମିଟର ବର୍ଷା ରେକର୍ଡ଼ କରାଯାଇଛି ।

******